ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Labour and ESI(Od)/1079/02-10-2023**

## ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନା ସହାୟତା ଶିବିର ଆୟୋଜିତ
## ୨୫୯ ଜଣ ଶ୍ରମିକଙ୍କୁ ୧,୧୮,୬୭,୦୦୦/- ଟଙ୍କାର ସହାୟତା ରାଶି ପ୍ରଦାନ

ଭୁବନେଶ୍ୱର, ୦୨/୧୦/୨୦୨୩:

ଆଜି ପବିତ୍ର  ଗାନ୍ଧୀ ଜୟନ୍ତୀ ଅବସରରେ ଯୁଗ୍ମ ଶ୍ରମ ଆୟୁକ୍ତ, କାର୍ଯ୍ୟାଳୟ, ଭୁବନେଶ୍ୱର ଦ୍ୱାରା ପରଚାଳିତ ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନା ସହାୟତା ଶିବିର ଗୀତ ଗୋବିନ୍ଦ ଭବନଠାରେ ଅନୁଷ୍ଠିତ ହୋଇଯାଇଅଛି । ଏହି ଶିବିରରେ କଲ୍ୟାଣ ବୋର୍ଡ ଅଧୀନରେ ପଂଜିକୃତ ୭୨ଜଣ ଶ୍ରମିକଙ୍କ ଉତ୍ତରାଧିକାରୀ/ମନୋନିତ ବ୍ୟକ୍ତିଙ୍କୁ  ମୃତ୍ୟୁକାଳୀନ ଓ ଅନ୍ତେଷ୍ଟିକ୍ରୀୟା ସହାୟତା ବାବଦରେ ୭୫,୭୦,୦୦୦/-.ଟଙ୍କା, ବିବାହକାଳୀନ ସହାୟତା ବାବଦରେ ୭୨ ଜଣଙ୍କୁ ୩୪,୫୦,୦୦୦/-ଟଙ୍କା ସହାୟତା ରାଶି, ଶିକ୍ଷା ସହାୟତା ବାବଦରେ ୧୦୭ ଜଣଙ୍କୁ ୭,୬୭,୦୦୦./- ଟଙ୍କା, ପ୍ରସବକାଳୀନ ସହାୟତା ବାବଦରେ ୮ ଜଣଙ୍କୁ ୮୦,୦୦୦/-, ସର୍ବମୋଟ ୨୫୯ ଜଣଙ୍କୁ ୧,୧୮,୬୭,୦୦୦/- ଟଙ୍କାର ସହାୟତା ରାଶି ପ୍ରଦାନ କରାଯାଇଥିଲା । ଏହା ଶିବିରରେ ଓଡ଼ିଶା କୋଠାବାଡ଼ି ଓ ଅନ୍ୟାନ୍ୟ ନିର୍ମାଣ ଶ୍ରମିକ ବୋର୍ଡର ଅଧକ୍ଷା ଶ୍ରୀମୟୀ ଶ୍ୱେତାସ୍ନିଗ୍ଧା ମିଶ୍ର, ମୁଖ୍ୟ ଅତିଥି ଏବଂ  ଶ୍ରମ ଆୟୁକ୍ତଙ୍କ କାର୍ଯ୍ୟାଳୟ, ଓଡ଼ିଶାର ଶ୍ରମ ଆୟୁକ୍ତ ଡାକ୍ତର ଏନ .ତିରୁମାଲା. ନାୟକ ଓ ଅତିରିକ୍ତ ଶ୍ରମ ଆୟୁକ୍ତ  ନୀଳାମ୍ବର ମିଶାଲ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ ।  ୨୪୩ ଜଣ ନୂତନ ଭାବେ ପଂଜିକୃତ ନିର୍ମାଣ ଶ୍ରମିକଙ୍କୁ  ପରିଚୟପତ୍ର ବଣ୍ଟନ କରାଯାଇଥିଲା । ଏହି ଶିବିରକୁ ପ୍ରଭଗୀୟ ଶ୍ରମ ଆୟୁକ୍ତ, ଭୁବନେଶ୍ୱର ଶ୍ରୀ ପ୍ରଣବ କୁମାର ପାତ୍ର ପରିଚାଳନା କରିଥିଲେ । ସହକାରୀ ଶ୍ରମ ଅଧିକାରୀ ଶ୍ରୀ ପ୍ରଭାକର ବିଶ୍ୱାଳ ସ୍କୀମ ବିଷୟରେ ଶ୍ରମିକମାନଙ୍କୁ ଅବଗତ କରାଇଥିଲେ । ସହକାରୀ ଶ୍ରମ ଅଧିକାରୀ ରଶ୍ମିତା କୁମାରୀ ପାତ୍ର, ବିକାଶ  କୁମାର ନାୟକ ଏବଂ କଲ୍ୟାଣ ସଂଯୋଜକ ଲମ୍ବୋଦର ରାଉତ ଓ ଡାଟା ଏଣ୍ଟ୍ରି ଅପରେଟର ଶ୍ରୀ ଶିବ ପ୍ରସାଦ ମହାପାତ୍ର ଯୋଗଦେଇଥିଲେ । ପରିଶେଷରେ  ପିପାସା ମହାପାତ୍ର, ସହକାରୀ ଶ୍ରମ ଅଧିକାରୀ, ଭୁବନେଶ୍ୱର ଧନ୍ୟବାଦ ଅର୍ପଣ କରିଥିଲେ ।

ପ୍ରମୋଦିନୀ ଟେଟେ
ସୂଚନା ଅଧିକାରୀ